OFFICE OF THE TAHASILDAR KONISI(GM.)

ଓଡ଼ିଶା ଶାସନ

# ତହସିଲ କାର୍ଯ୍ୟାଳୟ, କନିଷି, ଗଞ୍ଜାମ

ବସୁନ୍ଧରା ମିସ୍ କେସ୍ ନଂ. ୦୬ /୨୦୨୫

## <u>ସର୍ବସାଧାରଣ ଇସ୍ତାହାର</u>

ଏତଦ୍ ଦ୍ୱାରା ସର୍ବସାଧାରଣଙ୍କ ଅବଗତି ନିମନ୍ତେ ଜଣାଇ ଦିଆଯାଉଅଛି ଯେ, ନିମ୍ନଲିଖିତ ତଫସିଲଭୁକ୍ତ ଜମିକୁ ରକ୍ଷିତ (କିସମ – ଗୋଚର) ଖାତାରୁ ଆବାଦ ଯୋଗ୍ୟ ଅନାବାଦୀ ଖାତା ଏବଂ କିସମ - ଗୋଚରରୁ ପତିତରେ ପରିବର୍ତ୍ତନ କଲାପରେ ନିମ୍ନ ତଫସିଲଭୁକ୍ତ ସରକାରୀ ଜମିକୁ ବସୁନ୍ଧରା ଯୋଜନାରେ ଗୃହ ନିର୍ମାଣ ଉଦ୍ଦେଶ୍ୟରେ ଲିଜ୍ ସୂତ୍ରରେ ଦେବା ପାଇଁ ସ୍ଥିରକୃତ ହୋଇଅଛି ।

ଏଣୁ ନିମ୍ନ ତଫସିଲଭୁକ୍ତ ଜମିର ଖାତା ଓ କିସମ ପରିବର୍ତ୍ତନ ଉପରେ ଯଦି କାହାର କିଛି ଆପତ୍ତି ଅଭିଯୋଗ ଥାଏ, ତେବେ ଏହି ଇସ୍ତାହାର ପ୍ରକାଶ ପାଇବାର **୧୫ (ପନ୍ଦର)** ଦିନ ମଧ୍ୟରେ ନିମ୍ନ ସ୍ୱାକ୍ଷରକାରୀଙ୍କ ଅଦାଲତରେ ଯେକୌଣସି କାର୍ଯ୍ୟ ଦିବସରେ ଲିଖିତ ଆପତ୍ତି ଅଭିଯୋଗ ଦାଖଲ କରିପାରିବେ । ଧାର୍ଯ୍ୟ ସମୟ ଅତିକ୍ରାନ୍ତ ହେବା ପରେ କୌଣସି ଆପତ୍ତି କିମ୍ବା ଅଭିଯୋଗ ଗ୍ରହଣ କରାଯିବନାହିଁ ।

### <u>ତଫସିଲଭୁକ୍ତ ଜମିର ବିବରଣୀ</u>

| ମୌଜା | ଖାତା ନଂ | ପ୍ଲଟ ନଂ | ମୋଟ ରକବା (ଏକରରେ) | ପ୍ରସ୍ତାବିତ ରକବା (ଏକରରେ) | କିସମ/ ଖାତାଦାର |
|---|---|---|---|---|---|
| ଗୋଳନ୍ଥରା | ୧୪୨୭ | ୨୩୮୬ | ୨.୨୭୦ | ୦.୦୩୫ | ଗୋଚର / ରକ୍ଷିତ |

09.7.25

ତହସିଲଦାର, କନିଷି
TAHASILDAR
KONISI, GANJAM

ପରିପତ୍ର ସଂଖ୍ୟା- 4685 / ତାରିଖ- ୦୯.୦୭.୨୦୨୫

ଏହାର ଏକକିତା ନକଲ ରାଜସ୍ୱ ନିରୀକ୍ଷକ, ଗୋଳନ୍ଥରାଙ୍କ ଦ୍ୱାରା ମୌଜା- **ଗୋଳନ୍ଥରା** ପ୍ରକାଶ୍ୟ ସ୍ଥାନରେ ଡେଙ୍ଗୁରା/ମାଇକିଙ୍ଗ୍ ଦ୍ୱାରା ଜାରି କରିବା ପାଇଁ ପ୍ରେରଣ କରାଗଲା ।

ଏହାର ଏକକିତା ନକଲ ସରପଞ୍ଚ, **ଗୋଳନ୍ଥରା** ଗ୍ରାମପଞ୍ଚାୟତଙ୍କ ଅବଗତି ଓ ବହୁଳ ପ୍ରଚାର ନିମନ୍ତେ ପ୍ରେରଣ କରାଗଲା ।

ଏହାର ଏକକିତା ନକଲ ତହସିଲ କାର୍ଯ୍ୟାଳୟ, କନିଷିର ବିଜ୍ଞାପନ ଫଳକରେ ସର୍ବସାଧାରଣଙ୍କ ଅବଗତି ଓ ବହୁଳ ପ୍ରଚାର ନିମନ୍ତେ ଜାରି କରାଗଲା ।

ଏହାର ଏକକିତା ନକଲ ଜିଲ୍ଲା ସୂଚନା ଅଧିକାରୀ (DIO), ଏନ୍.ଆଇ.ସି., ଗଞ୍ଜାମଙ୍କ ଅବଗତି ଓ ୱେବ-ସାଇଟ୍ ମାଧ୍ୟମରେ ବିଜ୍ଞପ୍ତି ପ୍ରକାଶ କରିବା ନିମନ୍ତେ ପ୍ରେରଣ କରାଗଲା ।

9/7/25

ତହସିଲଦାର, କନିଷି
TAHASILDAR
KONISI, GANJAM